## ଗ୍ରାମୀଣ କୃଷି ମୌଷମ ସେବା, କ୍ଷେତ୍ରୀୟ କୃଷି ଉପଦେଶ ଏକକ, କିରେଇ
## ଆଞ୍ଚଳିକ ଗବେଷଣା ଓ ବୈଷୟିକ ସଂପ୍ରସାରଣ ଉପକେନ୍ଦ୍ର, ସୁନ୍ଦରଗଡ
## ଓଡିଶା କୃଷି ଓ ବୈଷୟିକ ବିଶ୍ୱ ବିଦ୍ୟାଳୟ, ସୁନ୍ଦରଗଡ

***ସାପ୍ତାହିକ କ୍ରମିକ ସଙ୍ଖ୍ୟା : ୦୩ , ବୁଲେଟିନ ନମ୍ବର- ୦୬, ତାରିଖ : ୧୯।୦୧।୨୦୨୪, ଶୁକ୍ର ବାର***

**ଆସନ୍ତା ପାଞ୍ଚ ଦିନର ପାଣିପାଗ ସୂଚନା :**

ଆଗାମୀ ୨୦.୦୧.୨୦୨୪–୨୪.୦୧.୨୦୨୪ , ଶନି ବାର - ବୁଧ ବାର ପର୍ଯ୍ୟନ୍ତ ସପ୍ତାହର ପାଣିପାଗ ଆଗାମୀ ପାଞ୍ଚ ଦିନରେ ଅତି ହାଲୁକା ରୁ ହାଲୁକା ଧରଣର ବର୍ଷା ହେବାର ସମ୍ଭାବନା ରହି ଅଛି ।ସର୍ବାଧିକ ତାପମାତ୍ରା (୨୬ -୨୮ $^{0}$C) ମଧ୍ୟରେ ରହିବାର ସମ୍ଭାବନା ରହିଛି ଓ ସର୍ବନିମ୍ନ ତାପମାତ୍ରା (୧୫ -୧୭ $^{0}$C ) ମଧ୍ୟରେ ରହିବାର ସମ୍ଭାବନା ରହିଛି ।ଆଗାମୀ ସପ୍ତାହର ସର୍ବାଧିକ ଆପେକ୍ଷିକ ଆର୍ଦ୍ରତା(୬୦–୭୫ %) ମଧ୍ୟରେ ଓ ସର୍ବନିମ୍ନ ଆପେକ୍ଷିକ ଆର୍ଦ୍ରତା (୩୧–୩୯%) ମଧ୍ୟରେ ରହିବାର ଭାରତ ପାଣିପାଗ ବିଭାଗ ,ଭୁବନେଶୋର ର ତଥ୍ୟ ଅନୁଯାୟୀ ପୂର୍ବାନୁମାନ କରାଯାଉଅଛି ।

| ଜିଲ୍ଲା | ତାରିଖ | ବର୍ଷା (ମି.ମି) | ସର୍ବାଧିକ ତାପମାତ୍ରା (ଡି.ସେ) | ସର୍ବନିମ୍ନ ତାପମାତ୍ରା (ଡି.ସେ) | ମେଘାଛନ୍ନ | ସର୍ବାଧିକ ଆପେକ୍ଷିକ ଆର୍ଦ୍ରତା (ପ୍ରତିଶତ) | ସର୍ବନିମ୍ନ ଆପେକ୍ଷିକ ଆର୍ଦ୍ରତା (ପ୍ରତିଶତ) | ବାୟୁ ର ବେଗ (କି.ମି. ପ୍ର.ଘ) | ବାୟୁ ର ଦିଗ (ଡି.ଗ୍ରୀ) |
|---|---|---|---|---|---|---|---|---|---|
| ସୁନ୍ଦରଗଡ | ୨୦-୦୧-୨୦୨୪ | ୨ | ୨୬ | ୧୬ | ୬ | ୬୪ | ୩୭ | ୭ | ୭୦ |
| | ୨୧-୦୧-୨୦୨୪ | ୦ | ୨୭ | ୧୫ | ୪ | ୭୫ | ୩୭ | ୭ | ୭୧ |
| | ୨୨-୦୧-୨୦୨୪ | ୦ | ୨୮ | ୧୬ | ୬ | ୬୦ | ୩୮ | ୭ | ୪୫ |
| | ୨୩-୦୧-୨୦୨୪ | ୫ | ୨୭ | ୧୭ | ୭ | ୬୫ | ୩୧ | ୭ | ୬୮ |
| | ୨୪-୦୧-୨୦୨୪ | ୧୦ | ୨୬ | ୧୭ | ୮ | ୬୫ | ୩୯ | ୭ | ୭୨ |

### କୃଷି ପାଣିପାଗ ଉପଦେଶ

**ସାଧାରଣ ପରାମର୍ଶ :** ପନିପରିବା ଫସଲରେ ଜଉପୋକ ଓ ଫଳବିନ୍ଧା ପୋକ ଦମନ ପାଇଁ ୧ ଲିଟର ପାଣିରେ ଯଥାକ୍ରମେ ୦.୨ ଗ୍ରାମ କ୍ଳୋଥାୟାନିଡିନ ଓ ୦.୩ ମିଲି ଫ୍ଲୁଉବେଣ୍ଡିଆମାଇଡ ମିଶାଇ ସିଞ୍ଚନ କରନ୍ତୁ ।

**ଡାଲୁଅଧାନ :**

ଏହି ଜାନୁଆରୀ ମାସ ଶେଷ ସୁଧା ତଳି ପକାଇବା କାମ ଶେଷ କରନ୍ତୁ ।

ଏଥିପାଇଁ ସଅଳ ଓ ମଧ୍ୟମ କିସମ ବିହନ ବ୍ୟବହାର କରନ୍ତୁ ।

ଶେଷ ଓଡ ଚାଷ ସମୟରେ ୧୦ ଡେସିମିଲି ତଳିପଟିରେ ୪୦ ଝୁଡି ଶଢା ଗୋବର ଖତ ,୧୨ କି.ଗ୍ରା. ସିଂଗଲ ସୁପର ଫସଫେଟ ଓ ୦୨ କି.ଗ୍ରା. ମ୍ୟୁରେଟ ଅଫ ପଟାସ ସାର ମାଟିରେ ମିଶାଇ ଦିଅନ୍ତୁ ।

ତଳି ଉତ୍ତାରିବା ପାଇଁ କାଦୁଅ ତଳିଘରା ପ୍ରସ୍ତୁତ କରନ୍ତୁ ।

**ଖରାଟିଆ ଚିନାବାଦାମ :**

ଖରାଟିଆ ଚିନାବାଦମରେ ବୀଜାଣୁ ଜନିତ ଝାଉଁଳା ରୋଗ ଦେଖାଦେଲେ ପ୍ରତି ୧୦ ଲିଟର ପାଣିରେ ଏକ ଗ୍ରାମ ହିସାବରେ ଷ୍ଟ୍ରେପ୍ଟୋସାଇକ୍ଲିନ ମିଶାଇ ମୂଳକୁ ଦେଖାଇ ସିଞ୍ଚନ କରନ୍ତୁ ।

ଅତି କମରେ ୭ ଦିନ ବ୍ୟବଧାନରେ ୩ ଥର ସିଞ୍ଚନ କରିବା ଆବଶ୍ୟକ ଅଟେ ।

ମାଟିରେ ବତରକୁ ଚାହିଁ ଜଳସେଚନ କରନ୍ତୁ ।

**ରବି ଡାଲି ଜାତୀୟ ଫସଲ :**

ମୁଗ ବିରି ବୁଟ ଓ ମଟର ଫସଲରେ ଶତକଡା ୯୦ ଭାଗ ପାକଳ ହେଲେ ଅମଳ କରନ୍ତୁ ।

ଅମଳ ପରେ ମଞ୍ଜିକୁ ଭଲଭାବରେ ଟାଣ ଖରାରେ ୨-୩ ଦିନ ଶୁଖାଇ ସାଇତି ରଖନ୍ତୁ ।

ମୁଗ ବିରିରେ କୁଇଣ୍ଟାଲ ପ୍ରତି ୨୦୦ ଗ୍ରାମ ସୋରିଷ ତେଲ କିମ୍ବା ରାଶି ତେଲ ଗୋଳାଇ ରଖିଲେ ପୋକ ଲାଗିବାର ଆଶଙ୍କା କମିଯାଇଥାଏ ।

**ଗହମ :**

କାଳିଗୁଣ୍ଡି ରୋଗର ଦମନ ପାଇଁ ଆକ୍ରାନ୍ତ ଗଛଗୁଡିକୁ ମାଟିରେ ପୋତି ଦିଅନ୍ତୁ କିମ୍ବା ପୋଡି ଦିଅନ୍ତୁ ଏବୌଁ ଏକର ପ୍ରତି ୨୦୦ ଗ୍ରାମ କାର୍ବେଣ୍ଡାଜିମ ୨୦୦ ଲିଟର ପାଣିରେ ମିଶାଇ ସିଞ୍ଚନ କରନ୍ତୁ ।

ସଅଳ ଲଗାଯାଇଥିବା ଫସଲରେ ଶସ୍ୟଦାଗ ରୋଗ ଲାଗିବାର ସମ୍ଭାବନା ଅଛି ।

ଏହାର ଦମନ ପାଇଁ ଏକର ପ୍ରତି ୬୦୦ ଗ୍ରାମ ମାଙ୍କୋଜେବ ୨୦୦ ଲିଟର ପାଣିରେ ମିଶାଇ ସିଞ୍ଚନ କରନ୍ତୁ ।

ଫୁଲ ଓ କ୍ଷୀର ଢୋକିବା ଅବସ୍ଥାରେ ଜଳସେଚନ ପ୍ରତି ଧ୍ୟାନ ଦିଅନ୍ତୁ ।

**ଲଙ୍କାମରିଚ :**

ଲଙ୍କାମରିଚ ଫସଲରେ ପତ୍ରମୋଡା ଦେଖାଦେଲେ ଏହାର ଦମନ ପାଇଁ ପ୍ରତି ଲିଟର ପାଣିରେ ୨ ମିଲି ଆବାମେକ୍ଟିନ ୧.୯% କିମ୍ବା ୧.୫ ରୁ ୨ ମିଲି ଇଥିୟନ ମିଶାଇ ପତ୍ର ସିଞ୍ଚନ କରନ୍ତୁ ।

**ଗେଣ୍ଡୁ ଫୁଲ :**

ଗେଁଡୁଫୁଲ ଚାଷ ପାଇଁ ସିରାକୋଲ ବି ଏମ ୨ ଏବୌଁ ବି ଏମ ୩ କିସମର ଗେଣ୍ଡୁଚାରା ଅଧିକ ଉତ୍କୃଷ୍ଟ ଅଟେ

ଚାରା ମାନଙ୍କ ମଧ୍ୟରେ ଡେଙ୍ଗାକିସମ ଗୁଡିକ ଧାଡିକୁ ଧାଡ଼ି ୩୦ ରୁ ୪୦ ସେମି ଓ ଗଛ କୁ ଗଛ ୩୦ ସେମି ବ୍ୟବଧାନରେ ଲଗାନ୍ତୁ

ବାମନ କିସମ ଗୁଡିକୁ ଧାଡିକୁ ଧାଡ଼ି ୨୦-୩୦ ସେମି ଓ ଗଛକୁ ଗଛ ୨୦ ସେମି ବ୍ୟବଧାନରେ ଲଗାନ୍ତୁ

**ଆଳୁ ଚାଷ :**

ଆଳୁ ଗଛର କାଣ୍ଡ ଶୁଖି ଢଳି ପଡିଲେ ଆଳୁ ଅମଳ କରନ୍ତୁ ।

ଆଳୁ ପାକଳ ହେବାପାଇଁ ଖୋଳିବା ପୂର୍ବରୁ କାଣ୍ଡଗୁଡିକୁ କାଟି ଦିଅନ୍ତୁ ।

ଅମଳ ପରେ ଆଳୁକୁ ୨-୩ ଦିନ ଛାଇରେ ଶୁଖାଇ ଦିଅନ୍ତୁ ।

ଶୀତଳ ଭଣ୍ଡାର କୁ ନେବାପୂର୍ବରୁ ୩% ବୋରିକ ଏସିଡ ରେ ୧୫ ମିନିଟ ବୁଡାଇ ଶୁଖାଇ ଦିଅନ୍ତୁ ।

**ସୂର୍ଯ୍ୟାମୂଖୀ :**

ଏବେଠାରୁ ଖରାଦିନିଆ ସୂର୍ଯ୍ୟାମୂଖୀ ପାଇଁ ଜମି ପ୍ରସ୍ତୁତ କରନ୍ତୁ

ଉନ୍ନତ କିସମ ପାଇଁ ସନରାଇଡ ମୋରଡେନ ଓ ଶଙ୍କର ଜାତୀୟ ପାଇଁ ଏମ ଏସ ଏଫ ଏଚ -୧୭ କେ ବି ଏସ ଏଚ -୧ ପି ଏ ସି -୩୬ ପିଏସି -୧୦୯୧ ଆଦି ବିହନ ସଂଗ୍ରହ କରନ୍ତୁ

ରବି ସୂର୍ଯ୍ୟାମୂଖୀ ବୁଣିବାର ୨୧-୩୦ ଦିନ ର ହୋଇଥିଲେ ଜମିକୁ କୋଡାଖୁସା କରି ଘାସ ଓ ଅନାବନା ଗଛ ବାଛି ଦିଅନ୍ତୁ ଏକର ପ୍ରତି ଉନ୍ନତ କିସମ ହୋଇଥିଲେ ୩ କିଗ୍ରା ଓ ଶଙ୍କର ଜାତୀୟ ପାଇଁ ୬ କିଗ୍ରା ହିସାବରେ ଯବକ୍ଷାରଜାନ ପ୍ରଥମ ଶୀର୍ଷ ସାର ରୂପେ ଗ୍ରହଣ କରନ୍ତୁ

ଫସଲରେ ଉଇ ଜନିତ ଝାଉଁଳା ରୋଗ ଦେଖାଦେଲେ ପ୍ରତି ଲିଟର ପାଣିରେ ୨ ମିଲି ହିସାବରେ କ୍ଲୋରୋପାଇରିଫସ ୨୦ ଇସି ମିଶାଇ ମାଟିକୁ ଭଲଭାବରେ ଭିଜାଇ ଦିଅନ୍ତୁ

**ସୋରିଷ :**

ସୋରିଷରେ ପତ୍ରଚିତା ଦାଗ ଦେଖାଦେବା ସମୟରେ,ଏଥିପାଇଁ ଏକର ପ୍ରତି ୦୧ କି.ଗ୍ରା. ହିସାବରେ କପର ଅକ୍ସିକ୍ଲୋରାଇଡ ବା ୮୦୦ ଗ୍ରାମ ମାଙ୍କୋଜେବ କୁ ୨୦୦ ଲିଟର ପାଣିରେ ମିଶାଇ ସିଂଚନ କରନ୍ତୁ ।

ଫସଲ ପାଉଁଶିଆ ରୋଗଦ୍ୱାରା ଆକ୍ରାନ୍ତ ହୋଇଥିଲେ ଏହାର ଦମନ ପାଇଁ ଏକର ପ୍ରତି ୦୧ କି.ଗ୍ରା. ସଲଫର ସେଟିତ ଗୁଣ୍ଡ ୨୦୦ ଲିଟର ପାଣିରେ ମିଶାଇ ସିଞ୍ଚନ କରନ୍ତୁ ।

ସବୁଜ ଶୂକ,କରତିଆ ମାଛି ଲାଗିଥିଲେ ପ୍ରତି ଲିଟର ପାଣିରେ ୦୨ ମି.ଲି. ହିସାବରେ ଏଣ୍ଡୋସାଲ୍ଫାନ କିମ୍ବା ୨.୫ ମି.ଲି. ହିସାବ ରେ ଫୋସାଲୋନ ସିଞ୍ଚନ କରନ୍ତୁ ।

**ମାଛ ଚାଷ :** ପୋଖରୀ ଭିତରକୁ ଗେଣ୍ଡା ଚଢେଇ ଓ କପୋତମାନର ପ୍ରବେଶକୁ ରୋକାଯିବା ଉଚିତ ଏହାଦ୍ବାରା ପରଜୀବୀମାନଙ୍କ ଜୀବନଚକ୍ରକୁ ଭଙ୍ଗାଯାଇ ପାରିବ

ମାଛ ପୋଖରୀରେ ଯାଆଁଳମାନଙ୍କ ର ସ୍ବତନ୍ତ୍ର ଯତ୍ନ ନେବା ଆବଶ୍ୟକ

ପୋଖରୀରୁ ପରଜୀବୀମାନଙ୍କ ର ସଂକ୍ରମଣ ଯୋଗ୍ୟ ଅବସ୍ଥାକୁ ସମ୍ପୂର୍ଣ ମାରି ଦେଲେ ରୋଗ ହେବା ଆଶଙ୍କା କମିଯାଏ

**ପ୍ରାଣୀ :**

ଗାଈମାନଙ୍କର ସାହାଣ,ବଜବଜିଆ ଓ ଫାଟୁଆ ରୋଗ ପାଇଁ ରକ୍ଷା ଏଫଏମଡି ଭାକ୍ସିନ ଗ୍ରହଣ କରନ୍ତୁ

ଗୃହପାଳିତ ପ୍ରାଣୀଙ୍କୁ ଶୀତରୁ ରକ୍ଷା କରିବା ପାଇଁ ଗୁହାଳରେ ଫାଙ୍କା ଥିବା ଜାଗାକୁ ଅଖାରେ ବନ୍ଦ କରନ୍ତୁ

ସୁବିଧାଥିଲେ ଗୋରୁଙ୍କୁ ମଧ୍ୟ ଅଖାରେ ଘୋଡାଇ ରଖନ୍ତୁ

ଗୋରୁ ଗୁହାଳ ର ଭିତର ଓ ବାହାର ସର୍ବଦା ପରିଷ୍କାର ପରିଚ୍ଛନ୍ନ ରଖନ୍ତୁ ।

ଶୀତଦିନେ ଗୋରୁଙ୍କୁ ଉତ୍ତାପ ଶକ୍ତିପ୍ରଦାୟକ ତନ୍ତୁଜାତୀୟ ଖାଦ୍ୟ ଯଥା ଘାସ ନଡା ପାଳ କୁଣ୍ଡା ଚୋକଡ ଡାଳପତ୍ର ମକାଗଛ ପତ୍ର ଓ କାଣ୍ଡ ଇତ୍ୟାଦି ଖାଇବାକୁ ଦିଅନ୍ତୁ ।

କୃଷି କ୍ଷେତ୍ର ସହ ଜଡିତ ଯେକୌଣସି ସମସ୍ୟା ପାଇଁ ଟୋଲ ଫ୍ରି ନମ୍ବର ୧୫୫୧ କୁ ଡାଏଲ କରନ୍ତୁ।

ଉତ୍ତମ କୃଷି ଲାଭ ପାଇଁ, ଓୟୁଏଟି କଳିଙ୍ଗ ପ୍ରଡକ୍ଟସ୍ (ବିହନ, ସେପଲିଙ୍ଗ୍ ଏବଂ ଜେଡ୍ଡିଏମ୍, ଟିସୁ ଚାଷ ଉଦ୍ଭିଦ, ଫଳ ଓ ପନିପରିବା, ମୂଲ୍ୟଯୁକ୍ତ ଉତ୍ପାଦ, ଫିଙ୍ଗରଲିଙ୍ଗ୍/ଇୟରଲିଙ୍ଗ୍, କୁକୁଡ଼ା ଛୁଆ, ପ୍ରଜନନ, ମହୁମାଛି ଓ ଛେଳି, ଜୈବସାର, ଜୈବ କୀଟନାଶକ, ଭେରିମି ଏବଂ ଭେରିକମ୍ପୋଷ୍ଟ ଏବଂ ଫାର୍ମ ଉପକରଣ)

ଆଇଏମଡିର ପାଣିପାଗ ପୂର୍ବାନୁମାନ ଏବଂ ଓଡ଼ିଶା ସ୍ଥିତିର କୃଷି ପାଣିପାଗ ପରାମର୍ଶଦାତା ବର୍ତ୍ତମାନ ମେଘଦୂତରେ ଉପଲବ୍ଧ

ଇଂରାଜୀ ଓ ଓଡ଼ିଆ ଭାଷାରେ ମୋବାଇଲ୍ ଆପ୍‌ଡାଉନଲୋଡ୍ କରିବା: (ଏଣ୍ଡ୍ରିଓଡ୍: ***https://play.google.com/store/apps/details?id_com.aas.meghdoot)***

**ବି : ଦ୍ରଷ୍ଟବ୍ୟ : ଓୟୁଏଟି ଶାଖା ଚିପଲିମା ଓ ଗମ୍ଭାରିପାଲି ବିହନ ଗବେଷଣା ଫାର୍ମ ଠାରେ ସ୍ୱର୍ଣ ଧାନ ବିହନ ୨୦ କିଗ୍ରା ବସ୍ତା ପିଛା ଟ. ୭୧୨ . ୪୦ ପଇସା ଚାଷୀ ନିମିତ୍ତ ବିକ୍ରି ହେଉଅଛି |**

*ନୋଡାଲ ଅଫିସର, କିରେଇ*